# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

**15 August - 2024**

**News Editor : Tapan Kumar Maharana**

***********************************

## ମୁଖ୍ୟ ସମ୍ବାଦ

- ସମଗ୍ର ଦେଶ ଉତ୍ସାହ ଓ ଉଦ୍ଦୀପନାର ସହ ପାଳନ କରୁଛି ୭୮ତମ ସ୍ୱାଧୀନତା ଦିବସ

– ୨୦୪୭ ବିକଶିତ ଭାରତ ଗଠନର ସ୍ୱପ୍ନକୁ ସାକାର କରିବା ପାଇଁ ସରକାର ସଂକଳ୍ପବଦ୍ଧ; କହିଲେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ

- ରାଜ୍ୟସ୍ତରୀୟ ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ କହିଲେ' କଲ୍ୟାଣକାରୀ ଯୋଜନାର ସୁଫଳ ପ୍ରକୃତ ହିତାଧିକାରୀଙ୍କ ପାଖରେ ପହଁଞ୍ଚାଇବା ସରକାରଙ୍କ ଲକ୍ଷ୍ୟ

– ଆସନ୍ତା ମାସରେ ରାଜ୍ୟରେ ଲାଗୁ ହେବ ଶୁଭଦ୍ରା ଯୋଜନା

ଏବଂ

- ଆସନ୍ତା ୨୪ ଘଣ୍ଟାରେ ଘଡ଼ଘଡ଼ି ସହ ବର୍ଷା ନେଇ ୧୭ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କଲା ପାଣିପାଗ କେନ୍ଦ୍ର

*Desk*

# ପିଏମ୍-ଲାଲ୍‌କିଲ୍ଲା

୭୮ତମ ସ୍ୱାଧୀନତା ଦିବସ ସମଗ୍ର ଦେଶରେ  ଅତ୍ୟନ୍ତ ଉତ୍ସାହ ଓ ଉଦ୍ଦୀପନାର ସହ ପାଳନ କରାଯାଉଛି। ବିଭିନ୍ନ ସ୍ଥାନରେ ସ୍ୱାଧୀନତା ଦିବସ ସମାରୋହ ସହ ବିଶେଷ କାର୍ଯ୍ୟକ୍ରମର ଆୟୋଜିତ ହୋଇଛି। ନୂଆଦିଲ୍ଲୀର ଐତିହାସିକ ଲାଲ୍‌କିଲ୍ଲାରେ ରାଷ୍ଟ୍ରୀୟ ସମାରୋହରେ ଜାତୀୟ ପତାକା ଉତ୍ତୋଳନ କରି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି, ୨୦୪୭ ବିକଶିତ ଭାରତ ଗଠନର ସ୍ୱପ୍ନକୁ ସାକାର କରିବା ପାଇଁ ସରକାର ସଂକଳ୍ପବଦ୍ଧ। ଏହି ସଂକଳ୍ପରେ ଦେଶବାସୀଙ୍କର ସ୍ୱପ୍ନ ପ୍ରତିଫଳିତ ହେଉଛି ।

**- V/O -**

ବିଜ୍ଞାନ, କୃଷି, ନିର୍ମାଣ ତଥା ନ୍ୟାୟିକ କ୍ଷେତ୍ର ସମେତ ଅନ୍ୟାନ୍ୟ କ୍ଷେତ୍ରରେ କେତେକ ସଂସ୍କାରମୂଳକ ପଦକ୍ଷେପ ନେବା ଲାଗି ଜନସାଧାରଣ ସରକାରଙ୍କୁ ପରାମର୍ଶ ଦେଇଥିବା ସେ କହିଛନ୍ତି । ଶ୍ରୀ ମୋଦୀ କହିଛନ୍ତି ତାଙ୍କ ସରକାର **ଦେଶ ପ୍ରଥମ ନୀତି** ଅନୁସରଣ କରିବା ସହିତ ରାଷ୍ଟ୍ରହିତ ଭାବନା ନେଇ ୧୦ବର୍ଷ ଧରି ବିଭିନ୍ନ କଲ୍ୟାଣମୂଳକ କାର୍ଯ୍ୟକ୍ରମ କରିଆସୁଛନ୍ତି । ଦେଶ ଗଠନରେ ଯୁବବର୍ଗ, ମହିଳା ଓ କୃଷକଙ୍କର ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି ।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି ସେମି କଣ୍ଡକ୍ଟର ଉତ୍ପାଦନ କ୍ଷେତ୍ରରେ ବିଶ୍ୱର ଏକ ଅଗ୍ରଣୀ ରାଷ୍ଟ୍ର ହେବା ନେଇ ଭାରତ ପ୍ରତିଶ୍ରୁତିବଦ୍ଧ ।

ଆର୍ଥିକ କ୍ଷେତ୍ରରେ ସରକାରଙ୍କ ସମୟୋଚିତ ପଦକ୍ଷେପ ଯୋଗୁଁ ସମଗ୍ର ଦେଶରେ ୧୦ କୋଟିରୁ ଊର୍ଦ୍ଧ୍ୱ ସ୍ୱୟଂସହାୟକ ଗୋଷ୍ଠୀଙ୍କୁ ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ଫଳରେ ମହିଳାମାନେ ସ୍ୱାବଲମ୍ବୀ ହୋଇପାରିଛନ୍ତି ।  ଏହାକୁ ପ୍ରଧାନମନ୍ତ୍ରୀ ନୂତନ ଆର୍ଥିକ କ୍ରାନ୍ତି ଭାବେ ଅବିହିତ କରିଛନ୍ତି ।

**- V/O -**

ଇଜି ଅଫ୍ ଲିଭିଙ୍ଗ୍ ଉପରେ ପ୍ରାଥମିକତା ଦେଇ ସରକାର କାର୍ଯ୍ୟ କରିବା ସହିତ ଦେଶରେ କେତେକ ପୁରାତନ ଓ ଅନାବଶ୍ୟକ ଆଇନକୁ ଇତିମଧ୍ୟରେ ହଟାଇ ଦିଆଯାଇଥିବା ଶ୍ରୀ ମୋଦୀ କହିଛନ୍ତି ।

ଗତ ୧୦ବର୍ଷରେ ସରକାର ଦେଶବ୍ୟାପୀ ୧୫ କୋଟିରୁ ଊର୍ଦ୍ଧ୍ୱ ପରିବାରକୁ ପାଇପ୍ ଯୋଗେ ବିଶୁଦ୍ଧ ପାନୀୟ ଜଳ ଯୋଗାଣର ବ୍ୟବସ୍ଥା କରିଛନ୍ତି । ଶିକ୍ଷାକ୍ଷେତ୍ରରେ ନିଆଯାଉଥିବା ସଂସ୍କାରମୂଳକ ପଦକ୍ଷେପ ଉପରେ ଆଲୋକପାତ କରି ଲାଲ୍‌କିଲ୍ଲାରୁ ପ୍ରଧାନମନ୍ତ୍ରୀ କହିଛନ୍ତି , ଏଥିଲାଗି ନୂତନ ଶିକ୍ଷାନୀତି କାର୍ଯ୍ୟକାରୀ କରାଯାଉଛି ।

***BBSR***

## ରାଜ୍ୟସ୍ତରୀୟ ସମାରୋହ- ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱରଠାରେ ଆୟୋଜିତ ରାଜ୍ୟସ୍ତରୀୟ ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ଏହି ଉପଲକ୍ଷେ ଆୟୋଜିତ ରାଜ୍ୟସ୍ତରୀୟ ପରେଡ୍‌ରେ ସେ ଅଭିବାଦନ ଗ୍ରହଣ କରିଥିଲେ। ରାଜ୍ୟବାସୀଙ୍କୁ ଉଦ୍‌ବୋଧନ ଦେଇ ମୁଖ୍ୟମନ୍ତ୍ରୀ କହିଥିଲେ, ରାଜ୍ୟର ବିକାଶ ପାଇଁ ଅନେକ ପଦକ୍ଷେପ ଗ୍ରହଣ କରାଯାଉଛି। ଓଡ଼ିଶା ଏବେ ପରିବର୍ତ୍ତନ ପଥରେ ଯାତ୍ରା ଆରମ୍ଭ କରିଛି। ପ୍ରଚାର ସର୍ବସ୍ୱ ବିକାଶର ରାସ୍ତାରୁ ବାହାରି ଏବେ କର୍ମ ସର୍ବସ୍ୱ ବିକାଶ ଉପରେ ଗୁରୁତ୍ୱାରୋପ କରାଯାଉଛି। ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ ସମଗ୍ର ଦେଶକୁ ଭାଷାଭିତ୍ତିକ ରାଜ୍ୟ ଗଠନ ପାଇଁ ରାସ୍ତା ଦେଖାଇଥିଲା। ଓଡ଼ିଶାର ଇତିହାସ ଅତ୍ୟନ୍ତ ଗୌରବମୟ। ରାଜ୍ୟର ସାଂସ୍କୃତିକ ପରମ୍ପରା ବିଶ୍ୱବିଦିତ। କୃଷି ଏବଂ କୃଷକର ଉନ୍ନତି ପାଇଁ ସରକାର ସର୍ବଦା ଚେଷ୍ଟା କରୁଛନ୍ତି। ଧାନର ସହାୟକ ମୂଲ୍ୟ ବୃଦ୍ଧି ଏହାର ଏକ ପ୍ରକୃଷ୍ଟ ଉଦାହରଣ। ସେ କହିଥିଲେ, ଶାସନର ଶହେ ଦିନ ମଧ୍ୟରେ ଦୁଇଟି ପ୍ରତିଶ୍ରୁତି ପୂରଣ କରାଯାଇଛି। ବଜେଟ୍‌ରେ ଏଥିପାଇଁ ଅର୍ଥବରାଦ ମଧ୍ୟ ହୋଇଛି। ଆସନ୍ତା ମାସରେ ସମଗ୍ର ରାଜ୍ୟରେ ଶୁଭଦ୍ରା ଯୋଜନାର ଶୁଭାରମ୍ଭ ହେବ। ଗ୍ରାମାଞ୍ଚଳ ଅର୍ଥନୀତିକୁ ଚଳଚଞ୍ଚଳ କରିବା ଆମର

ଲକ୍ଷ୍ୟ। ସମାଜର ସବୁ ବର୍ଗର ଲୋକଙ୍କର ସାମଗ୍ରୀକ ଉନ୍ନତି ପାଇଁ ବିହିତ ପଦକ୍ଷେପ ଗ୍ରହଣ କରାଯାଉଛି। ଆଦିବାସୀ ବହୁଳ ଜିଲ୍ଲାଗୁଡ଼ିକର ସାମୂହିକ ବିକାଶ ପାଇଁ ପେଶା ଆଇନ ଲାଗୁ କରାଯାଇଛି। ଗ୍ରାମସଭା ମାଧ୍ୟମରେ ଏଣିକି ବିଭିନ୍ନ ଯୋଜନା ପାଇଁ ପ୍ରସ୍ତାବ ଗ୍ରହଣ କରାଯିବ ଏବଂ ଏହାଦ୍ୱାରା ପଞ୍ଚାୟତରାଜ ବ୍ୟବସ୍ଥା ଅଧିକ ସଶକ୍ତ ହୋଇପାରିବ। ବିକଶିତ ଓଡ଼ିଶା ଗଠନ ଦିଗରେ ଏହି ନିଷ୍ପତ୍ତି ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ ବୋଲି ସେ କହିଥିଲେ। ପ୍ରଧାନମନ୍ତ୍ରୀଙ୍କ 'ସବ୍‌କା ସାଥ, ସବ୍‌କା ବିକାଶ, ସବ୍‌କା ବିଶ୍ୱାସ, ସବ୍‌କା ପ୍ରୟାସ' ମନ୍ତ୍ରରେ ଦୀକ୍ଷିତ ହୋଇ ଓଡ଼ିଶାରେ ଆବଶ୍ୟକ ନିଷ୍ପତ୍ତି ଗ୍ରହଣ କରାଯାଉଛି।

**- V/O -**

ଶିକ୍ଷା, ସ୍ୱାସ୍ଥ୍ୟ, ଶିଳ୍ପାୟନ, ନିଯୁକ୍ତି, ଦକ୍ଷତା ବିକାଶ ଏବଂ ଗରିବ କଲ୍ୟାଣ ଯୋଜନାର ସୁଫଳ ତାର ପ୍ରକୃତ ହିତାଧିକାରୀ ପାଖରେ ପହଁଞ୍ଚାଇବାକୁ ଆନୁଷଙ୍ଗିକ ପଦକ୍ଷେପ ଗ୍ରହଣ କରାଯାଇଛି ବୋଲି ସେ କହିଥିଲେ। ସ୍ୱାସ୍ଥ୍ୟ ସେବା ଯୋଜନାକୁ ତୃଣମୂଳସ୍ତରରେ ପହଁଞ୍ଚାଇବା ଲକ୍ଷ୍ୟରେ ଗୋପବନ୍ଧୁ ଜନଆରୋଗ୍ୟ ଯୋଜନା ଲାଗୁ ହୋଇଛି ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ।

# ରାଜ୍ୟସ୍ତରୀୟ ସ୍ୱାଧୀନତା ଦିବସ ପାଳିତ

କଟକଠାରେ ଆୟୋଜିତ ସମାରୋହରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିଥିଲେ। କର୍ମଜୀବୀ ମହିଳା ଏଣିକି ମାସିକ ଋତୁସ୍ରାବ ସମୟରେ ଦିନକ ପାଇଁ ଛୁଟି ନେଇପାରିବେ ବୋଲି ଏହି ଅବସରରେ ସେ ଘୋଷଣା କରିଛନ୍ତି। ଏହା ଉଭୟ ସରକାରୀ ଏବଂ ଘରୋଇ କ୍ଷେତ୍ର ପାଇଁ ଲାଗୁ ହେବ ବୋଲି ସେ କହିଛନ୍ତି।

ହାଇକୋର୍ଟ ପରିସରରେ ଆୟୋଜିତ ସମାରୋହରେ ମୁଖ୍ୟ ବିଚାରପତି ଜଷ୍ଟିସ ଚକ୍ରଧାରୀ ଶରଣସିଂ ଜାତୀୟ ପତାକା ଉତ୍ତୋଳନ କରି ଉପସ୍ଥିତ ଜନତାଙ୍କୁ ସମ୍ବୋଧନ କରିଥିଲେ। ଐତିହାସିକ ସ୍ୱରାଜ ଆଶ୍ରମ, ଦରଘା ବଜାରଠାରେ ଥିବା ପୁରୁଣା ଜେଲ ପରିସର ଆଦିରେ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି।

ପୁରୀ ତାଳବଣିଆ ଇଣ୍ଡୋର ଷ୍ଟାଡିୟମ ପରିସରରେ ଅନୁଷ୍ଠିତ ଜିଲ୍ଲାସ୍ତରୀୟ ସମାରୋହରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ତଥା ସଂସଦୀୟ ବ୍ୟାପାର ମନ୍ତ୍ରୀ ମୁକେଶ ମହାଲିଙ୍ଗ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିଥିଲେ।

ଖୋର୍ଦ୍ଧା ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ ସମବାୟ ଓ ବୟନଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ ଜାତୀୟ ପତାକା ଉତ୍ତୋଳନ କରିବା ସହ ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ। ଜିଲ୍ଲା ପ୍ରଶାସନ ପକ୍ଷରୁ ପଦ୍ମବିଭୂଷଣ ସୁଦର୍ଶନ ସାହୁ, ପଦ୍ମଶ୍ରୀ ଅରୁଣା ମହାନ୍ତି, ପ୍ରଭାକର ମହାରଣା, ବିନୋଦ ମହାରଣା ଏବଂ ଜଗତନାଥ ଖୁଣ୍ଟିଆଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

ଗଜପତି ଜିଲ୍ଲା ପ୍ରଶାସନ ଏବଂ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ବିଭାଗର ମିଳିତ ଆନୁକୂଲ୍ୟରେ ଗଜପତି ଷ୍ଟାଡିୟମଠାରେ ଆୟୋଜିତ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ ବାଣିଜ୍ୟ ଓ ପରିବହନ ଏବଂ ଇସ୍ପାତ ଓ ଖଣି ମନ୍ତ୍ରୀ ବିଭୂତି ଭୂଷଣ ଜେନା ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିଥିଲେ।

ଜଙ୍ଗଲ, ପରିବେଶ, ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଗଣେଶ ରାମ ସିଂଖୁଣ୍ଟିଆ ବଲାଙ୍ଗୀର ସଦର ମହକୁମାସ୍ଥିତ ମନୋହର ପୁଲିସ ପଡ଼ିଆଠାରେ ଆୟୋଜିତ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ପରେଡ୍‌ରେ ଅଂଶଗ୍ରହଣ କରି ପତାକା ଉତ୍ତୋଳନ କରିଥିଲେ।

ରାୟଗଡ଼ାସ୍ଥିତ ଜିସିଡି ପଡ଼ିଆରେ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ପାଳିତ ହୋଇଯାଇଛି। ଶିଳ୍ପ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା ମନ୍ତ୍ରୀ

ସମ୍ପଦ ଚରଣ ସ୍ୱାଇଁ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପତାକା ଉତ୍ତୋଳନ କରିଥିଲେ।

ମାଲକାନଗିରିଠାରେ ଅନୁଷ୍ଠିତ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ଜାତୀୟ ପତାକା ଉତ୍ତୋଳନ କରିବା ସହ ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ।

ମାଲକାନଗିରି ଦଣ୍ଡକାରଣ୍ୟ ଖେଳପଡ଼ିଆଠାରେ ଆୟୋଜିତ ସମାରୋହରେ ଉଚ୍ଚଶିକ୍ଷା, କ୍ରୀଡ଼ା ଓ ଯୁବସେବା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିଥିଲେ। ଏହି ଅବସରରେ ମାଟ୍ରିକ, ଯୁକ୍ତ ଦୁଇ ଏବଂ ଯୁକ୍ତ ୩ ପରୀକ୍ଷାରେ ସର୍ବୋଚ୍ଚ ନମ୍ବର ରଖିଥିବା ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିଥିଲେ।

ମତ୍ସ୍ୟ ଓ ପଶୁ ସମ୍ପଦ ବିକାଶ ରାଷ୍ଟ୍ରମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ କନ୍ଧମାଳରେ ଆୟୋଜିତ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସରେ ଯୋଗଦେଇ ପତାକା ଉତ୍ତୋଳନ କରିଥିଲେ।

କୋରାପୁଟ ଜିଲ୍ଲା ସଦର ମହକୁମାଠାରେ ଗଣଶିକ୍ଷା ଓ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ପତାକା ଉତ୍ତୋଳନ କରିବା ସହ ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ। ଏହି ଅବସରରେ ଶ୍ରୀ ଗଣ୍ଡ କହିଥିଲେ, ଛାତ୍ରଛାତ୍ରୀଙ୍କୁ ଗୁଣାତ୍ମକ

ଶିକ୍ଷା ପ୍ରଦାନ ସହିତ ନିଯୁକ୍ତି ସୁଯୋଗ ସୃଷ୍ଟି ପାଇଁ ପ୍ରତ୍ୟେକ ଜିଲ୍ଲାରେ ଶିଳ୍ପ ପ୍ରତିଷ୍ଠା କରାଯିବା ନେଇ ରାଜ୍ୟ ସରକାର  ଲକ୍ଷ୍ୟ ରଖିଛନ୍ତି।

ଦେବଗଡ଼ ଜିଲ୍ଲା ଇନ୍ଦିରାଗାନ୍ଧୀ ଷ୍ଟାଡିୟମ୍‌ଠାରେ ଜିଲ୍ଲାପାଳ କବିନ୍ଦ୍ର କୁମାର ସାହୁ ଜାତୀୟ ପତାକା ଉତ୍ତୋଳନ କରି ସମ୍ମିଳିତ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ।

ଝାରସୁଗୁଡ଼ା ମୋହନ ସ୍କୁଲ ପଡ଼ିଆଠାରେ ଅନୁଷ୍ଠିତ ସ୍ୱାଧୀନତା ଦିବସ ସମାରୋହରେ ଜିଲ୍ଲାପାଳ ଆବୋଲି ସୁନୀଲ ନରଓ୍ୱଣେ ପତାକା ଉତ୍ତୋଳନ କରିଥିଲେ। ଏହି ଅବସରରେ ସ୍ୱାଧୀନତା ସଂଗ୍ରାମୀ ପରିବାରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

ଢେଙ୍କାନାଳ ଷ୍ଟାଡିୟମଠାରେ ଜିଲ୍ଲାପାଳ ସୌମେଶ କୁମାର ଉପାଧ୍ୟାୟ ଜାତୀୟ ପତାକା ଉତ୍ତୋଳନ କରି ଅଭିବାଦନ ଗ୍ରହଣ କରିଛନ୍ତି। ବାଜିରାଉତ ଓ ସ୍ୱାଧୀନତା ସଂଗ୍ରାମୀମାନଙ୍କ ତ୍ୟାଗ ଓ ଅବଦାନକୁ ସର୍ବଦା ସ୍ମରଣ କରିବା ପାଇଁ ସେ ଉପସ୍ଥିତ ଜନସାଧାରଣଙ୍କୁ କହିଥିଲେ।

କେନ୍ଦ୍ରାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟ ପଡ଼ିଆ ପରିସରରେ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସରେ ଜିଲ୍ଲାପାଳ ସ୍ମୃତିରଞ୍ଜନ ପ୍ରଧାନ ପତାକା ଉତ୍ତୋଳନ କରିଛନ୍ତି। ବିଭିନ୍ନ କ୍ଷେତ୍ରରେ କୃତିତ୍ୱ ଅର୍ଜନ କରିଥିବା ବିଦ୍ୟାର୍ଥୀ ଏବଂ ସ୍ୱାଧୀନତା ସଂଗ୍ରାମୀମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

ସୁବର୍ଣ୍ଣପୁରର ରାମେଶ୍ୱର ଷ୍ଟାଡିୟମଠାରେ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ମହାସମାରୋହରେ ପାଳିତ ହୋଇଯାଇଛି । ଜିଲ୍ଲାପାଳ ଅନ୍ୟା ଦାସ ଯୋଗଦେଇ ପତାକା ଉତ୍ତୋଳନ କରିବା ସହ ପରେଡ୍‌ରେ ଅଭିବାଦନ ଗ୍ରହଣ କରିଥିଲେ । ଜିଲ୍ଲାର ସାମଗ୍ରୀକ ଅର୍ଥନୀତିକ ବିକାଶରେ ଜନସାଧାରଣଙ୍କ ସହଭାଗିତା ହିଁ ସୁବର୍ଣ୍ଣପୁରକୁ ବିକଶିତ କରିବ ବୋଲି ଜିଲ୍ଲାପାଳ କହିଥିଲେ ।

ଭଦ୍ରକରେ ଅନୁଷ୍ଠିତ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟ ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିବା ସହ ସମବେତ ଜନତାଙ୍କୁ ସମ୍ବୋଧିତ କରିଥିଲେ । ଏହି ଅବସରରେ ୩ ଜଣ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା ।

***HS***

## ଉପମୁଖମନ୍ତ୍ରୀ ଛୁଟି ଘୋଷଣା

କଟକଠାରେ ଆୟୋଜିତ ସମାରୋହରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଯୋଗଦେଇ ଜାତୀୟ ପତାକା ଉତ୍ତୋଳନ କରିଥିଲେ । କର୍ମଜୀବୀ ମହିଳା ଏଣିକି ମାସିକ ଋତୁସ୍ରାବ ସମୟରେ ଦିନକ ପାଇଁ ଛୁଟି ନେଇପାରିବେ ବୋଲି ଏହି ଅବସରରେ ସେ ଘୋଷଣା କରିଛନ୍ତି । ଏହା ଉଭୟ ସରକାରୀ ଏବଂ ଘରୋଇ କ୍ଷେତ୍ର ପାଇଁ ଲାଗୁ ହେବ ବୋଲି ସେ କହିଛନ୍ତି ।

# ପାଣିପାଗ

ବଙ୍ଗୋପସାଗରର ପଶ୍ଚିମବଙ୍ଗ ଉପକୂଳରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବ ବୋଲି ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ କେନ୍ଦ୍ର ପୂର୍ବାନୁମାନ କରିଛି। ଏହାର ପ୍ରଭାବରେ ଆଗାମୀ ୫ ଦିନ ପର୍ଯ୍ୟନ୍ତ ରାଜ୍ୟର ଅଧିକାଂଶ ସ୍ଥାନରେ ମଧ୍ୟମରୁ ପ୍ରବଳ ବର୍ଷା ହୋଇପାରେ। ଆଗାମୀ ୨୪ ଘଣ୍ଟା ପାଇଁ ଘଡ଼ଘଡ଼ି ସହ ପ୍ରବଳ ବର୍ଷା ସମ୍ଭାବନାକୁ ନେଇ ୧୭ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି।